ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୦ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୯୦୧୫ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୦ ଜଣ ।

ଅନୁଗୋଳ, ତା,୦୧.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୮୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୪୭ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୨୧ଜଣ (୧୩ ଜଣ ପୁରୁଷ ଓ ୮ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୪ଜଣ ( ୧୧ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ଜଣ (୪ ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ (୩ ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା),ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୦ ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୮ଜଣ କୋଭିଡ ହସପିଟାଲରୁ , ୯ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୦୩ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୧୧ ତା.୦୧.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ